**ପ୍ରେସ୍ ବିବରଣୀ**

**ସମବାୟ ବିଭାଗ, ଓଡ଼ିଶା ସରକାର**

## ସମବାୟ ସମିତିଗୁଡ଼ିକ ଦ୍ୱାରା ସାର ବଣ୍ଟନକୁ ପ୍ରୋତ୍ସାହିତ କରିବା ପାଇଁ ରାଜ୍ୟ ସରକାରଙ୍କ ୪୨ କୋଟି ଟଙ୍କାର ସୁଧ ରିହାତି ଯୋଜନା ମଞ୍ଜୁରୀ

ଭୁବନେଶ୍ୱର 24.06.2026: ରାଜ୍ୟର ଚାଷୀମାନଙ୍କୁ ସଠିକ୍ ସମୟରେ ସାର ଉପଲବ୍ଧ କରାଇବା ଏବଂ ସେମାନଙ୍କୁ କଳାବଜାରୀରୁ ରକ୍ଷା କରିବା ପାଇଁ ଏକ ବଡ଼ ପଦକ୍ଷେପ ସ୍ୱରୂପ ରାଜ୍ୟ ସରକାର ସମବାୟ ବିଭାଗ ଦ୍ୱାରା ଏକ ନୂତନ ଯୋଜନାର କାର୍ଯ୍ୟକାରିତାକୁ ଅନୁମୋଦନ କରିଛନ୍ତି, ଯାହା ଚାଷୀମାନଙ୍କୁ ସାର ବଣ୍ଟନ ପ୍ରକ୍ରିୟାକୁ ସହଜ ଓ ସୁଗମ କରିବ।ସମବାୟ ବିଭାଗର କମିଶନର-ତଥା-ସଚିବଙ୍କ ଅଧକ୍ଷତାରେ ଗଠିତ ସ୍ଥାୟୀ ଆର୍ଥିକ କମିଟି (SFC) ର ସୁପାରିଶ ଆଧାରରେ ଏହି ନିଷ୍ପତ୍ତି ନିଆଯାଇଛି। ଏହି ନୂତନ ରାଜ୍ୟ ଯୋଜନାର ନାମ ହେଉଛି—**"ସାରର ପୂର୍ବ-ମହଜୁଦ (ପ୍ରି-ପୋଜିସନିଂ) ପାଇଁ କ୍ୟାଶ୍ କ୍ରେଡିଟ୍ ଋଣ ଉପରେ ସୁଧ ରିହାତି।"**ଏଠାରେ ଉଲ୍ଲେଖ କରାଯାଇପାରେଯେ, ଅର୍ଥ ବିଭାଗ ଚଳିତ ଆର୍ଥିକ ବର୍ଷରୁ ଏହି ଯୋଜନାର କାର୍ଯ୍ୟକାରିତା ପାଇଁ ଅନୁମୋଦନ ପ୍ରଦାନ କରିସାରିଛି।

ଏହି ଯୋଜନା ସମବାୟ ସମିତିଗୁଡ଼ିକର (PACS/LAMPCS) ଏକ ପ୍ରମୁଖ ଆର୍ଥିକ ସମସ୍ୟାର ସମାଧାନ କରିବ। ସାଧାରଣତଃ ଚାଷ ସମୟ ପୂର୍ବରୁ (ଅଗ୍ରୀମ ଭାବେ) ସାର ଆଣି ମହଜୁଦ ରଖିବା ଯୋଗୁଁ ସମିତିଗୁଡ଼ିକ ଉପରେ ମାତ୍ରାଧିକ ସୁଧ ବୋଝ ପଡ଼ିଥାଏ। କ୍ୟାଶ୍ କ୍ରେଡିଟ୍ (CC) ଋଣ ଉପରେ**୧୦୦% ସୁଧ ରିହାତି**ପ୍ରଦାନ କରି ରାଜ୍ୟ ସରକାର ଏହି ଆର୍ଥିକ ବାଧାକୁ ଦୂର କରୁଛନ୍ତି, ଯାହାଦ୍ୱାରା ସମବାୟ ସମିତିଗୁଡ଼ିକ ପାଇଁ ସାରର ଅଗ୍ରୀମ ମହଜୁଦ ପ୍ରକ୍ରିୟା ସମ୍ପୂର୍ଣ୍ଣ ସୁଧ-ମୁକ୍ତ ହୋଇପାରିବ।

**ଯୋଜନାର ମୁଖ୍ୟ ବୈଶିଷ୍ଟ୍ୟ:**

- **୬୦% ବଜାର ଅଂଶଧନ ହାସଲ ଲକ୍ଷ୍ୟ:**ବେସରକାରୀ ଚ୍ୟାନେଲ ଦ୍ୱାରା ହେଉଥିବା ସାରର ବେଆଇନ ଚୋରା ଚାଲାଣକୁ ରୋକିବା ପାଇଁ, ସମବାୟ କ୍ଷେତ୍ର ମାଧ୍ୟମରେ ସାର ବଣ୍ଟନ ପରିମାଣକୁ ବର୍ତ୍ତମାନର ୨୫-୩୦% ରୁ ବୃଦ୍ଧି କରି**ଖରିଫ ୨୦୨୬ ରୁ ୬୦% କୁ ପହଞ୍ଚାଇବା**ପାଇଁ ଲକ୍ଷ୍ୟ ରଖାଯାଇଛି।
- **ଆର୍ଥିକ ବ୍ୟୟବରାଦ:**ପାଞ୍ଚ ବର୍ଷ ଅବଧି (୨୦୨୬-୨୭ ରୁ ୨୦୩୦-୩୧) ପାଇଁ ସର୍ବମୋଟ**୪୨.୦୦ କୋଟି ଟଙ୍କା**ର ବଜେଟ୍ ମଞ୍ଜୁର କରାଯାଇଛି, ଯେଉଁଥିରେ ଚଳିତ ଆର୍ଥିକ ବର୍ଷ ପାଇଁ ପ୍ରାରମ୍ଭିକ ଭାବେ ୫.୦୦ କୋଟି ଟଙ୍କା ଆବଣ୍ଟନ କରାଯାଇଛି।
- **ବ୍ୟାପକ ସାଂସ୍ଥାନିକ ପରିସର:**ରାଜ୍ୟର ପ୍ରାୟ**୨,୭୦୦ ପ୍ରାଥମିକ କୃଷି ସମବାୟ ସମିତି (PACS/LAMPCS)**କୁ ଏହି ଯୋଜନାରେ ସାମିଲ କରାଯିବ। ସେମାନଙ୍କର ଆବଶ୍ୟକତା ଆଧାରରେ କ୍ୟାଶ୍ କ୍ରେଡିଟ୍ (CC) ସୀମା ପ୍ରଦାନ କରାଯିବ।
- **ଡିଜିଟାଲ୍ ପେମେଣ୍ଟକୁ ପ୍ରୋତ୍ସାହନ:**ସାର ବିକ୍ରୟ ସମୟରେ ସ୍ୱଚ୍ଛତା ବଜାୟ ରଖିବା ପାଇଁ ସରକାରଙ୍କ ପକ୍ଷରୁ**କ୍ୟୁଆର୍ କୋଡ୍ (QR Code)**ମାଧ୍ୟମରେ କାରବାର କରିବାକୁ ସକ୍ରିୟ ଭାବେ ପ୍ରୋତ୍ସାହିତ କରାଯିବ।

ସାର କାରବାରକୁ ଆଧୁନିକୀକରଣ କରି, ଏହି ଚାଷୀ-ଅନୁକୂଳ ପଦକ୍ଷେପ ଓଡ଼ିଶାର କୃଷକମାନଙ୍କ ନିକଟରେ ସରକାରଙ୍କ ଦ୍ୱାରା ନିର୍ଦ୍ଧାରିତ ମୂଲ୍ୟରେ ଏବଂ ସଠିକ୍ ସମୟରେ ସାର ପହଞ୍ଚାଇବା ନିଶ୍ଚିତ କରିବ।

ସୁଶ୍ରୀ ଶାଶ୍ୱତିକ ମହାପାତ୍ର
ଲୋକସମ୍ପର୍କ ଅଧିକାରୀ